# କୃଷି ସୂଚନା ସେବା (ଧାନ)

## ଭା.କୃ.ଅନୁ.ପ.-ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬

**ସ୍ୱାସ୍ଥ୍ୟ ଏବଂ ପରିବାର କଲ୍ୟାଣ ମନ୍ତ୍ରାଳୟ ଦ୍ୱାରା ସୂଚିତ କୋଭିଡ୍-୧୯ ର ସମସ୍ତ ନିୟମାବଳୀ ଓ ସାଧାରଣ ସତର୍କତା ବ୍ୟବସ୍ଥା ଅନୁଯାୟୀ କୃଷି କାର୍ଯ୍ୟ କରିବା ପାଇଁ ପରାମର୍ଶ**

**୨୦୨୧ ମସିହା ଜାନୁୟାରୀ ମାସ ଦ୍ୱିତୀୟ ପକ୍ଷ ପାଇଁ କାର୍ଯ୍ୟପନ୍ଥା :**

**(୧) ଶାରଦ ଧାନ**

- କ୍ଷେତରେ ଶତକଡା ୮୦-୮୫ ଭାଗ ଧାନ କେଣ୍ଡା ପାଚିଗଲାପରେ ଧାନକୁ ଦାଆ କିମ୍ବା କମ୍ବାଇନ୍ ହାରଭେଷ୍ଟର କିମ୍ବା ରିପର୍ ଦ୍ୱାରା କାଟି ଅମଳ କରିଦିଅନ୍ତୁ । ଅମଳ ପରେ ଧାନକୁ ଭଲଭାବରେ ଶୁଖାଇ ବିହନ ପାଇଁ ଶତକଡା ୧୨ ଭାଗ ଆର୍ଦ୍ରତା ଓ ଖାଦ୍ୟ ଉପଯୋଗୀ ପାଇଁ ଶତକଡା ୧୪ ଭାଗ ଜଳୀୟ ଅଂଶ ଥିବା ଅବସ୍ଥାରେ ସାଇତି ରଖିବା ଆବଶ୍ୟକ । ପ୍ରତ୍ୟେକ ଧାନ କିସମକୁ ଅଲଗା ଅଲଗା ଧାନ ବସ୍ତାରେ ସାଇତି ରଖନ୍ତୁ ।

- ଚାଷୀମାନଙ୍କୁ ଉପଦେଶ ଦିଆଯାଉଛି କି ନିଜ ପାଇଁ ବିହନ ସଂଗ୍ରହ କରିବା ସମୟରେ ସାଆଁରା ରୋଗାକ୍ରାନ୍ତ ଧାନକେଣ୍ଡାର ଧାନକୁ ବିହନ ସହିତ ମିଶାଇ ରଖିବେ ନାହିଁ ।

- ଧାନ କିମ୍ବା ଚାଉଳ ଠିକ୍‌ଭାବେ ଶୁଖିଯିବାପରେ କିସମ ଅନୁସାରେ ଅଲଗା ଅଲଗା କରି ବଜାରରେ ମିଳୁଥିବା **'ସୁପର ଗ୍ରେନ ବସ୍ତା'** ରେ ସାଇତି ରଖିଲେ ଧାନ କିମ୍ବା ଚାଉଳ ଅଧିକ ଦିନ ପର୍ଯ୍ୟନ୍ତ ସୁରକ୍ଷିତ ରଖାଯାଇପାରିବ ।

- ଧାନ ସାଇତି ରଖିଥିବା ବସ୍ତା ବା କୋଠାରୀରେ ପୋକ ଦେଖାଦେଲେ ଆଲୁମିନିୟମ୍ ଫସ୍‌ଫାଇଡ୍ ଟାବ୍‌ଲେଟ୍ ଏକ ଟନ୍ ଧାନ ପିଛା ୩ଟି ଟାବ୍‌ଲେଟ୍ (ସମୁଦାୟ ୯ ଗ୍ରାମ୍ ଟାବ୍‌ଲେଟ୍) କନାରେ ଗୁଡାଇ ରଖନ୍ତୁ । ଏହା ଉପରେ ଭଲଭାବେ ତାରପୋଲିନ୍ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କା ଜାଗା ନ ରହେ । କୋଠରୀର ସନ୍ଧି ଜାଗା କିମ୍ବା କବାଟ ତଳ ଫାଙ୍କ ଜାଗା ଓ ତାରପୋଲିନ୍‌ର ଚାରିପଟେ କାଦୁଅ କିମ୍ବା ସେଲୋଟେପ୍ ଦେଇ ଭଲରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠାରୀ ବା ବସ୍ତାର ମୁହଁ ଭଲଭାବରେ ବନ୍ଦ ରଖନ୍ତୁ । ଲୋକ ଚଳପ୍ରଚଳ କରୁଥିବା ଜାଗାରେ ଏଭଳି ଔଷଧ ପ୍ରୟୋଗ କରନ୍ତୁ ନାହିଁ ।

**(୨) ଡାଲୁଅ ଧାନ**

**(୨.୧) ରୁଆ ଧାନ**

- ଧାନ ବୁଣିବାର ୧୦ ରୁ ୧୫ ଦିନ ପରେ କିମ୍ବା ୨ ରୁ ୩ ପତ୍ର ବିଶିଷ୍ଟ ଘାସ ନିୟନ୍ତ୍ରଣ କରିବା ପାଇଁ ବିସ୍‌ପାଇରିବାକ୍ ସୋଡିୟମ୍ (ନୋମିନି ଗୋଲ୍ଡ) ୧୨୦ ମି.ଲି. ୧୨୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

- ଯଦି ଉକୁଣିଆ ପୋକ ଦେଖାଯାଏ, ତେବେ ଏକର ପ୍ରତି ଆଜାଡିରାକ୍ଟିନ୍ ୮୦୦ ମି.ଲି. କିମ୍ବା ଲାମ୍ବଡା ସାଇହାଲୋଥ୍ରିନ୍ ୨୦୦ ମି.ଲି. କିମ୍ବା ଥାଇମିଥୋକ୍ସାମ୍ ୨୫% ଡବ୍ଲ୍ୟୁ.ଜି. ୪୦ ଗ୍ରାମ୍ ପ୍ରୟୋଗ କରନ୍ତୁ ।

- କାଣ୍ଡବିନ୍ଧା ପୋକର ନିରୀକ୍ଷଣ ପାଇଁ, ଯୌନ ସମେଦନଶୀଳ ଯନ୍ତା ରଖନ୍ତୁ । ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ହୋଇଯିବ, ତେବେ ଏକର ପିଛା ନିମ୍ବ ମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% ୮୦୦ ମି.ଲି. ଔଷଧ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ କିମ୍ବା କ୍ଲୋରାନ୍‌ଟ୍ରାନିଲିପ୍ରୋଲ ୪% ଜି.ଆର୍ ୪ କେ.ଜି ଔଷଧ କିମ୍ବା କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା. ସମାନ ପରିମାଣର ଶୁଖିଲା ବାଲିରେ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା କ୍ଲୋରାନ୍‌ଟ୍ରାନିଲିପ୍ରୋଲ ୧୮.୫ ଏସ୍.ସି. ୬୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

- ଯଦି ବକାନି ରୋଗ ଦେଖାଯାଏ ତେବେ କାର୍ବାଣ୍ଡେଜିମ୍ ୫୦ ଡବ୍ଲ୍ୟୁ.ପି ୧ କି.ଗ୍ରା. ୧ ଲିଟର ପାଣିରେ ମିଶାଇ ୭ ରୁ ୧୦ ଦିନ ବ୍ୟବଧାନରେ ପ୍ରୟୋଗ କରନ୍ତୁ ।

- ପତ୍ରାଚ୍ଛାଦ ପୋଡା ରୋଗ ଦମନ ପାଇଁ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% ଡବ୍ଲ୍ୟୁ.ଜି. ୦.୪ ଗ୍ରାମ୍ କିମ୍ବା ଆଇସୋପ୍ରୋଥିଓଲେନ୍ ୪୦ ଇ.ସି. ୧.୫ ମି.ଲି. ଏକ ଲିଟର ପାଣି ହିସାବରେ ମିଶାଇ ସିଞ୍ଚନ କରନ୍ତୁ । ଏହାକୁ ୭ ରୁ ୧୦ ଦିନ ବ୍ୟବଧାନରେ ପୁଣି ଥରେ ପ୍ରୟୋଗ କରନ୍ତୁ ।

- ଯଦି ପତ୍ରଚିତ୍ତା ରୋଗ ଦେଖାଯାଏ ତେବେ ୧ ଲିଟର ପାଣିରେ ପ୍ରୋପିକୋନାଜୋଲ୍ ୨୫ ଇ.ସି. ୧ ମି.ଲି. କିମ୍ବା ମ୍ୟାଙ୍କୋଜେବ୍ ୭୫ ଡବ୍ଲ୍ୟୁ.ପି କିମ୍ବା କାର୍ବାଣ୍ଡେଜିମ୍ ୫୦ ଡବ୍ଲ୍ୟୁ.ପି ୨ ଗ୍ରାମ୍ କିମ୍ବା କାର୍ବାଣ୍ଡେଜିମ୍ ୬୪%+ ମ୍ୟାଙ୍କୋଜେବ୍ ୮% ୭୫ ଡବ୍ଲ୍ୟୁ.ପି. ୧.୫ ଗ୍ରାମ୍ ମିଶାଇ ପ୍ରୟୋଗ କରନ୍ତୁ ।

- ଧାନ ତଳିରେ ପତ୍ରପୋଡା ରୋଗ ଦେଖାଗଲେ କାର୍ବାଣ୍ଡେଜିମ୍ ୨ ଗ୍ରାମ୍ କିମ୍ବା ପ୍ରୋପିକୋନାଜୋଲ୍ ୧ ମି.ଲି.୧ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।

- ଧାନ ତଳିକୁ ବୁଦା ପ୍ରତି ୩ ରୁ ୪ ଟି ହିସାବରେ ୧୫ X ୧୫ ସେ.ମି. ବ୍ୟବଧାନରେ ସିଧାଭାବରେ ଓ ଅଳ୍ପ ଗଭୀରରେ ରୋଇବା ଉଚିତ୍ ।

- ରୁଆ ଧାନ ପାଇଁ ପ୍ରତି ଏକର ପିଛା ସମୁଦାୟ ୪୦:୨୦:୨୦ କି.ଗ୍ରା. ଯବକ୍ଷାରଜାନ:ଫସଫରସ୍:ପଟାସ୍ ସାର ଅନୁମୋଦିତ ଅଟେ, ଏଣୁ ମୂଳସାର ଭାବେ,(ଡି.ଏ.ପି. ୪୪ କି.ଗ୍ରା. + ଏମ.ଓ.ପି. ୨୨ କି.ଗ୍ରା.) କିମ୍ବା (ୟୁରିଆ ୨୨ କି.ଗ୍ରା.+ଏସ୍.ଏସ୍.ପି. ୧୨୫ କି.ଗ୍ରା. + ଏମ୍.ଓ.ପି. ୨୨ କି.ଗ୍ରା.) ଶେଷଥର କାଦୁଅ କରିବା ସମୟରେ ମୂଳସାର ଭାବେ ବ୍ୟବହାର କରିବା ଉଚିତ୍ ।

- ରୁଆ ଧାନରେ ମିଶ୍ରିତ ବାଳୁଙ୍ଗା ଦମନ ପାଇଁ ବେନ୍‌ସଲଫ୍ୟୁରାନ୍ ମିଥାଇଲ୍ ସହିତ ପ୍ରେଟିଲାକ୍ଲୋର (ଲୋଣ୍ଡାକ୍ସ ପାୱାର / ଇରେଜ୍ ଷ୍ଟ୍ରଙ୍ଗ୍) ପ୍ରତି ଏକର ପିଛା ୪ କି.ଗ୍ରା. ହିସାବରେ ରୋଇବାର ୫-୧୦ ଦିନ ପରେ ପ୍ରୟୋଗ କରନ୍ତୁ । ଏହା ଦାନାଦାର ହୋଇଥିବାରୁ ଏହା ସହିତ ପ୍ରତି ଏକର ପିଛା ୪ କି.ଗ୍ରା. ବାଲି ମିଶାଇ ବିଲରେ ସମାନ କରି ପ୍ରୟୋଗ କରନ୍ତୁ କିମ୍ବା ଧାନ ବୁଣିବାର ୩ ରୁ ୫ ଦିନ ପରେ ଘାସମରା ଔଷଧ ପାଇରାଜୋସଲଫ୍ୟୁରାନ୍-ଇଥାଇଲ ୧୦ % ଡବ୍ଲ୍ୟୁ.ପି. (ସାଥି) ଏକର ପିଛା ୮୦ ଗ୍ରାମ୍ ପ୍ରୟୋଗ କରନ୍ତୁ କିମ୍ବା ଧାନ ବୁଣିବାର ୧୦ ରୁ ୧୨ ଦିନ ପରେ କିମ୍ବା ୨ ରୁ ୩ ପତ୍ର ବିଶିଷ୍ଟ ଘାସ ନିୟନ୍ତ୍ରଣ କରିବା ପାଇଁ ବିସ୍‌ପାଇରିବାକ୍ ସୋଡିୟମ୍ (ନୋମିନି ଗୋଲ୍ଡ) ୧୨୦ ମି.ଲି. ୧୨୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

- କାଣ୍ଡବିନ୍ଧା ପୋକର ନିରୀକ୍ଷଣ ପାଇଁ, ଯୌନ ସମ୍ମେଦନଶୀଳ ଯନ୍ତା ରଖନ୍ତୁ । ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ହୋଇଯିବ, ତେବେ ଏକର ପିଛା ନିମ୍ନ ମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% ୮୦୦ ମି.ଲି. ଔଷଧ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ କିମ୍ବା କ୍ଲୋରାନଟ୍ରାନିଲିପ୍ରୋଲ ୪% ଜି.ଆର୍ ୪ କେ.ଜି ଔଷଧ କିମ୍ବା କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା. ସମାନ ପରିମାଣର ଶୁଖିଲା ବାଲିରେ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫ ଏସ୍.ସି. ୬୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

- ଯଦି ବକାନି ରୋଗ ଦେଖାଯାଏ ତେବେ କାର୍ବାଣ୍ଡେଜିମ୍ ୫୦ ଡବ୍ଲ୍ୟୁ.ପି ୧ କି.ଗ୍ରା. ୧ ଲିଟର ପାଣିରେ ମିଶାଇ ୭ ରୁ ୧୦ ଦିନ ବ୍ୟବଧାନରେ ପ୍ରୟୋଗ କରନ୍ତୁ ।

## (୨.୨) କାଦୁଅ ବୁଣା ଧାନ

- ତଳି ଭଲ ବଢ଼ିବା ଏବଂ ଚେର ମାଟିକୁ ଧରିବା ପାଇଁ ଜମିରେ ପତଳା ପାଣି ସ୍ତର ରଖନ୍ତୁ ।

- ଘାସ ନିୟନ୍ତ୍ରଣ ପାଇଁ ବେନ୍‌ସଲଫ୍ୟୁରାନ୍-ମିଥାଇଲ୍ ସହିତ ପ୍ରିଟିଲାକ୍ଲୋର (ଲୋଣ୍ଡାକ୍ସ ପାୱାର/ଇରେଜ ଷ୍ଟ୍ରଙ୍ଗ) ଦାନାଦାର ଏକରକୁ ୪ କି.ଗ୍ରା. ହିସାବରେ ସମାନ ପରିମାଣର ବାଲି ସହିତ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା ଧାନ

ବୁଣିବାର ୧୦ ରୁ ୧୨ ଦିନ ପରେ ଅର୍ଥାତ୍ ୨ ରୁ ୩ ପତ୍ର ବିଶିଷ୍ଟ ଘାସ ନିୟନ୍ତ୍ରଣ କରିବା ପାଇଁ ବିସ୍‌ପାଇରିବାକ୍ ସୋଡିୟମ୍ (ନୋମିନି ଗୋଲ୍ଡ) ୧୨୦ ମି.ଲି. ୧୨୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

- ପିଲ ବାହାରିବା ସମୟରେ ମୂଳସାର ହିସାବରେ ଏକର ପ୍ରତି ୨୬ କି.ଗ୍ରା. ୟୁରିଆ ପ୍ରୟୋଗ କରନ୍ତୁ ।
- କାଣ୍ଡବିନ୍ଧା ପୋକ ନିରୀକ୍ଷଣ ପାଇଁ ଏକର ପିଛା ୩ଟି ହିସାବରେ ଯୌନ ସମ୍ବେଦନଶୀଳ ଯନ୍ତା ରଖନ୍ତୁ । ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ଟି ହୋଇଯିବ, ତେବେ ଏକର ପିଛା ନିମ୍ବମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% କୁ ୮୦୦ ମି.ଲି. କିମ୍ବା ଏକର ପିଛା କ୍ଲୋରାନ୍ ଟ୍ରାନିଲିପ୍ରୋଲ୍ ୪% ଜି.ଆର୍. ୪ କି.ଗ୍ରା. କିମ୍ବା କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା.କୁ ୧:୧ ବା ସମାନ ପରିମାଣର ବାଲି ସହିତ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା କ୍ଲୋରାନ୍ ଟ୍ରାନିଲିପ୍ରୋଲ ୧୮.୫% ଏସ୍.ସି. ୬୦ ମି.ଲି. ଏକର ପିଛା ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- ଯଦି ବକାନି ରୋଗ ଦେଖାଯାଏ ତେବେ କାର୍ବାଣ୍ଡେଜିମ୍ ୫୦ ଡବ୍ଲ୍ୟୁ.ପି ୧ ଗ୍ରାମ୍ ୧ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ । ୭ ରୁ ୧୦ ଦିନ ପରେ ଆଉ ଥରେ ପ୍ରୟୋଗ କରନ୍ତୁ ।
- ଯଦି ମହିଷା ରୋଗ ଦେଖାଯାଏ ତେବେ ୧ ଲିଟର ପାଣିରେ  କାର୍ବାଣ୍ଡେଜିମ୍ ୫୦ ଡବ୍ଲ୍ୟୁ.ପି ୨ ଗ୍ରାମ୍  କିମ୍ବା ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% + ଟେବୁକୋନାଜୋଲ ୫୦% ୦.୪ ଗ୍ରାମ୍ ଏକ ଲିଟର ପାଣି ହିସାବରେ ମିଶାଇ ସିଞ୍ଚନ କରନ୍ତୁ । ଏକର ପ୍ରତି  ୨୦୦ ଲିଟର ଦ୍ରବଣ ଆବଶ୍ୟକ ହୋଇଥାଏ ।

*****